**ଭାରତର ପ୍ରଧାନମନ୍ତ୍ରୀ ଏବଂ ଆମେରିକାର ରାଷ୍ଟ୍ରପତିଙ୍କ ମଧ୍ୟରେ କଥାବାର୍ତ୍ତା**

ଡିସେମ୍ବର 11, 2025

ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ ଆଜି ସଂଯୁକ୍ତ ରାଷ୍ଟ୍ର ଆମେରିକାର ରାଷ୍ଟ୍ରପତି ମହାମହିମ ଶ୍ରୀ ଡୋନାଲ୍ଡ ଟ୍ରମ୍ପଙ୍କ ସହ କଥା ହୋଇଛନ୍ତି।

ଉଭୟ ନେତା ଭାରତ-ଆମେରିକା ଦ୍ୱିପାକ୍ଷିକ ସମ୍ପର୍କରେ ନିରନ୍ତର ପ୍ରଗତିର ସମୀକ୍ଷା କରିଥିଲେ ଏବଂ ପ୍ରମୁଖ ଆଞ୍ଚଳିକ ଓ ବିଶ୍ୱସ୍ତରୀୟ ଘଟଣାକ୍ରମ ଉପରେ ନିଜ ନିଜର ବିଚାର ଆଦାନପ୍ରଦାନ କରିଥିଲେ।

ବିଶ୍ୱ ଶାନ୍ତି, ସ୍ଥିରତା ଏବଂ ସମୃଦ୍ଧି ପାଇଁ ଭାରତ ଓ ଆମେରିକା ମିଳିତ ଭାବେ କାର୍ଯ୍ୟ କରିବା ଜାରୀ ରଖିବେ ବୋଲି ପ୍ରଧାନମନ୍ତ୍ରୀ ମୋଦୀ ଓ ରାଷ୍ଟ୍ରପତି ଟ୍ରମ୍ପ ନିଜ ନିଜର ପ୍ରତିଶ୍ରୁତିବଦ୍ଧତା ଦୋହରାଇଛନ୍ତି।

X ରେ ଏକ ପୋଷ୍ଟ ଜରିଆରେ ଶ୍ରୀ ମୋଦୀ କହିଛନ୍ତି:

"ରାଷ୍ଟ୍ରପତି ଟ୍ରମ୍ପଙ୍କ ସହ ଅତ୍ୟନ୍ତ ଏକ ସୌହାର୍ଦ୍ଦ୍ୟପୂର୍ଣ୍ଣ ଏବଂ ବନ୍ଧୁତାପୂର୍ଣ୍ଣ କଥାବାର୍ତ୍ତା ହୋଇଛି। ଆମେ ଆମର ଦ୍ୱିପାକ୍ଷିକ ସମ୍ପର୍କରେ ପ୍ରଗତିର ସମୀକ୍ଷା କରିଛୁ ଏବଂ କ୍ଷେତ୍ରୀୟ ଓ ଅନ୍ତର୍ରାଷ୍ଟ୍ରୀୟ ଘଟଣାକ୍ରମ ଉପରେ ଆଲୋଚନା କରିଛୁ। ବିଶ୍ୱ ଶାନ୍ତି, ସ୍ଥିରତା ଓ ସମୃଦ୍ଧି ପାଇଁ ଭାରତ ଓ ଆମେରିକା ମିଳିତ ଭାବରେ କାର୍ଯ୍ୟ କରିବା ଜାରି ରଖିବେ।

@realDonaldTrump

@POTUS"

ନୂଆଦିଲ୍ଲୀ

ଡିସେମ୍ବର 11, 2025